ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୯୪ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୮୧୮୯ରେ ପହଞ୍ଚିଲା - ସୁସ୍ଥ ହେଲେ ୫୫ଜଣ ।

ଅନୁଗୋଳ,ତା.୧୩.୦୨:- ଆଜି ଅନୁଗୋଳ ଜିଲ୍ଲାରେ ୯୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ କିଶୋରନଗର ବ୍ଲକ୍ ଅଂଚଳରୁ ୨୩ଜଣ ( ୧୭ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ୧୫ ଜଣ ( ୯ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୧ଜଣ (୭ ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୯ଜଣ ( ୫ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ( ୫ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୪୧୩ଜଣ ମୃତ୍ୟୁବରଣ କଲେଣି । ଆଜି ଅନୁଗୋଳ ଜିଲ୍ଲାରୁ ୫୫ଜଣ ସୁସ୍ଥ ହୋଇଛନ୍ତି । ଆଜି ସୁଦ୍ଧା ୧୬ଲକ୍ଷ ୮୫ହଜାର ୭୬୩ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା ୧୦୬ ତା. ୧୩.୦୨. ୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଦୁର୍ଗମାଝୀ ୧୩/୨/୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ